ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/Works(Od)/589/30-10-2025**

## କଥା ଦେଇ କଥା ରଖିଲେ ସରକାର

## ବିକାଶ ସହ ପରିବେଶ ସୁରକ୍ଷାକୁ ଗୁରୁତ୍ୱ ଦେବ ପୂର୍ତ୍ତ ବିଭାଗ

- ପ୍ରତ୍ୟେକ ନୂତନ ରାସ୍ତା ପାର୍ଶ୍ୱରେ ହେବ ବୃକ୍ଷରୋପଣ
- ବୃକ୍ଷରୋପଣ ଲାଗି ବ୍ୟୟ ହେବ ନିର୍ମାଣ ଖର୍ଚ୍ଚର ୧%
- ପରିବେଶ ପ୍ରଦୂଷଣକୁ ରୋକିବାରେ ହେବ ବିଶେଷ ସହାୟକ

ଭୁବନେଶ୍ୱର ୩୦/୧୦/୨୦୨୫

ସଂପ୍ରତି ଜଳବାୟୁ ପରିବର୍ତ୍ତନ ଏବଂ ପରିବେଶ ପ୍ରଦୂଷଣ ବିଶ୍ୱରେ ଏକ ମୁଖ୍ୟ ସମସ୍ୟା ଭାବେ ଉଭା ହୋଇଛି । ଦ୍ରୁତ ସହରୀକରଣ ଓ ଜଙ୍ଗଲ ହ୍ରାସ ଯୋଗୁଁ ଏହାର କୁପ୍ରଭାବ ସାରା ମାନବ ସମାଜ ଓ ଜୀବଜଗତ ଉପରେ ପରିଲକ୍ଷିତ ହେଉଛି । ତେଣୁ ଏହି ସମସ୍ୟାର ମୁକାବିଲା କରିବା ଏବଂ ଓଡ଼ିଶାକୁ ପରିବେଶ ଅନୁକୂଳ ରାଜ୍ୟ ଭାବେ ଗଢ଼ିତୋଳିବାକୁ ରାଜ୍ୟ ସରକାର ଯେଉଁ ପ୍ରତିଶ୍ରୁତି ପ୍ରଦାନ କରିଥିଲେ, ତାହାକୁ କାର୍ଯ୍ୟକାରୀ କରିବାକୁ ପ୍ରୟାସ ଆରମ୍ଭ କରିଛନ୍ତି ।

ଯଶସ୍ୱୀ ପ୍ରଧାନମନ୍ତ୍ରୀ ଶ୍ରୀ ନରେନ୍ଦ୍ର ମୋଦୀଙ୍କ ମାର୍ଗଦର୍ଶନକୁ ଅନୁପାଳନ କରି ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ମୋହନ ଚରଣ ମାଝୀଙ୍କ ନେତୃତ୍ୱରେ ଓଡ଼ିଶା ସାମଗ୍ରିକ ପ୍ରଗତି ପଥରେ ଅଗ୍ରସର ହେଉଛି । ଏହି କ୍ରମରେ ସାରା ରାଜ୍ୟରେ ପୂର୍ତ୍ତ ବିଭାଗ ଅଧୀନରେ ନୂଆକରି ନିର୍ମାଣ ହେବାକୁ ଥିବା ପ୍ରତ୍ୟେକ ରାଜପଥ, ଜିଲ୍ଲା ମୁଖ୍ୟ ସଡ଼କ, ଅନ୍ୟାନ୍ୟ ସମସ୍ତ ସଡ଼କ ନିର୍ମାଣ ସମୟରେ ବୃକ୍ଷରୋପଣକୁ ବାଧ୍ୟତାମୂଳକ କରାଯିବା ନେଇ ଆଇନ, ପୂର୍ତ୍ତ ଓ ଅବକାରୀ ମନ୍ତ୍ରୀ ଶ୍ରୀ ପୃଥ୍ୱୀରାଜ ହରିଚନ୍ଦନ ସୂଚନା ଦେଇଛନ୍ତି । ଏଥିନେଇ ବିଭାଗ ପକ୍ଷରୁ ନିର୍ମାଣ ହେବାକୁ ଥିବା ରାସ୍ତାର ଉଭୟ ପାର୍ଶ୍ୱ ଏବଂ ଡିଭାଇଡର ମଝିରେ ଥିବା ଖାଲିସ୍ଥାନରେ ବ୍ୟାପକ ବୃକ୍ଷରୋପଣ କରାଯିବା ନେଇ ଇଆଇସି (ସିଭିଲ୍ ତଥା ରୋଡସ୍), ଇଆଇସି (ଏନ୍ଏଚ୍), ଏମ୍.ଡି, ଓବିସିସିଙ୍କୁ ଚିଠି ଜରିଆରେ ଅବଗତ କରାଯାଇଛି । ଗ୍ରୀନ୍ କରିଡର ବିକାଶ ଓ ପରିଚାଳନା ଲକ୍ଷ୍ୟ ନେଇ ସବୁ ରାସ୍ତାକଡ଼ରେ ବୃକ୍ଷ ରୋପଣ କରାଯିବ । ଏହି କ୍ରମରେ ରାସ୍ତା ନିର୍ମାଣ ସମୟରେ ନିର୍ମାଣ ବ୍ୟୟର ଅତିରିକ୍ତ ୧ ପ୍ରତିଶତ ଅର୍ଥରାଶି ବୃକ୍ଷରୋପଣ ଏବଂ ରକ୍ଷଣାବେକ୍ଷଣ ବାବଦରେ ଖର୍ଚ୍ଚ କରିବା ନେଇ ମାର୍ଗଦର୍ଶିକା ଜାରି କରାଯାଇଛି । ଏହାଦ୍ୱାରା ଅଙ୍ଗାରକାମ୍ଳ ଅବଶୋଷଣ ଓ ଅମ୍ଳଜାନ ସ୍ତର ବୃଦ୍ଧି ସହ ବାୟୁ ପ୍ରଦୂଷଣକୁ କମ୍ କରିହେବ । ଏହି ବୃକ୍ଷରୋପଣ ଶବ୍ଦ ପ୍ରଦୂଷଣକୁ କମ୍ କରିବା ସହ ମୃତ୍ତିକା କ୍ଷୟକୁ ରୋକିବା ଏବଂ ବାୟୁର ମାନକ ବୃଦ୍ଧି କରିବା ସହ ଖରାଦିନେ ଆଖପାଖ ଅଞ୍ଚଳରେ ଶୀତଳତା ସୃଷ୍ଟି କରିବାରେ ସହାୟକ ହେବ ।

ଏଠାରେ ସୂଚନାଯୋଗ୍ୟ ଯେ ରାଜ୍ୟ ସରକାର ପୂର୍ବରୁ ନିର୍ବାଚନରେ ଦେଇଥିବା ପ୍ରତିଶ୍ରୁତି ମୁତାବକ ବ୍ୟାପକ ବନୀକରଣ ସହ ଜଳବାୟୁ ପରିବର୍ତ୍ତନରେ ମୁକାବିଲା ଦିଗରେ କାର୍ଯ୍ୟ କରୁଛନ୍ତି । ଏହି ପରିପ୍ରେକ୍ଷିରେ ରାସ୍ତା ପାର୍ଶ୍ୱରେ ବୃକ୍ଷରୋପଣ ନିଷ୍ପତ୍ତି ମୃତ୍ତିକା ସଂରକ୍ଷଣ ଓ ବିଭିନ୍ନ ପ୍ରଦୂଷଣକୁ କମ୍ କରିବା ଦିଗରେ କାର୍ଯ୍ୟ କରିବ । ପରିବେଶ ସନ୍ତୁଳନ ରକ୍ଷା କ୍ଷେତ୍ରରେ ରାଜ୍ୟ ସରକାରଙ୍କ ଏହି ଯୁଗାନ୍ତକାରୀ ପଦକ୍ଷେପ ଏକ ମାଇଲଖୁଣ୍ଟ ସାବ୍ୟସ୍ତ ହେବ ଏବଂ ସମଗ୍ର ଦେଶରେ ଓଡ଼ିଶା ଏକ ଅଗ୍ରଣୀ ରାଜ୍ୟରେ ପରିଣତ ହୋଇପାରିବ ।

ସୁଜିତ ରଞ୍ଜନ ସ୍ୱାଇଁ
ଲୋକସମ୍ପର୍କ ଅଧିକାରୀ